ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୮୮ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୮୪୨୬ରେ ପହଞ୍ଚିଲା - ସୁସ୍ଥ ହେଲେ ୧୯୧ ଜଣ ।

ଅନୁଗୋଳ, ତା,୨୬.୧୦:-ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୮୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୩୬ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ୨୬ ଜଣ ( ୧୭ଜଣ ପୁରୁଷ ଓ ୯ଜଣ ମହିଳା),ତାଳଚେର ବ୍ଲକ୍ ଅଂଚଳରୁ ୧୫ଜଣ(୯ ଜଣ ପୁରୁଷ ଓ ୬ଜଣ ମହିଳା), ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୧୧ଜଣ ( ୭ଜଣ ପୁରୁଷ ଓ ୪ଜଣ ମହିଳା),କଣିହାଁ ବ୍ଲକ୍ ଅଂଚଳରୁ ୯ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା),ଅନୁଗୋଳ ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫ଜଣ ( ୨ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ (୧ ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୧ଜଣ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୯୧ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୨ଜଣ କୋଭିଡ ହସପିଟାଲରୁ ଓ ୧୭୯ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୦୧ ତା.୨୬.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

26/10/20

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ